# REGIONAL NEWS UNIT, AIR CUTTACK

## Mid-day Bulletin (2.32PM)

**9 May - 2024**

**News Editor : Tapan Kumar Maharana**

****************************************

## ମୁଖ୍ୟ ସମ୍ବାଦ

- ବିଜେପିର ବରିଷ୍ଠ ନେତା ନୀତିନ ଗଡକରୀ ଏବଂ ହିମନ୍ତ ବିଶ୍ୱଶର୍ମା ରାଜ୍ୟରେ  ଦଳୀୟ ନିର୍ବାଚନ ପ୍ରଚାରରେ ସାମିଲ

- ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଦ୍ୱିତୀୟ ଥର ପାଇଁ ଗଞ୍ଜାମ ଜିଲ୍ଲାରେ ଦଳୀୟ ପ୍ରାର୍ଥୀଙ୍କ ସପକ୍ଷରେ କଲେ ପ୍ରଚାର

- ବିଜେପିର ବରିଷ୍ଠ ନେତା ତଥା ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଚଳିତ ମାସରେ ଦ୍ୱିତୀୟ ଥର ପାଇଁ ରାଜ୍ୟରେ କରିବେ ନିର୍ବାଚନ ପ୍ରଚାର

ଏବଂ

- କାଳବୈଶାଖୀର ପ୍ରଭାବରେ ତାପମାତ୍ରା ହ୍ରାସ; ୧୯୦୧ ମସିହା ପରଠାରୁ ଗତ ଏପ୍ରିଲ ମାସ ଥିଲା ସବୁଠାରୁ ଉତ୍ତପ୍ତ

## ନୀତିନ ଗଡକରୀଙ୍କ ଗସ୍ତ

ବିଜେପିର ବରିଷ୍ଠ ନେତା ତଥା କେନ୍ଦ୍ରମନ୍ତ୍ରୀ ନୀତିନ ଗଡକରୀ ଓଡ଼ିଶା ଗସ୍ତର ନିର୍ବାଚନ ପ୍ରଚାରରେ ଆସି ଆଜି ପୁରୀ ଶ୍ରୀମନ୍ଦିରରେ ଶ୍ରୀଜୀଉମାନଙ୍କ ଦର୍ଶନ କରିଛନ୍ତି। ପୁରୀ ଲୋକସଭା ପ୍ରାର୍ଥୀ ସମ୍ବିତ୍ ପାତ୍ର ଏବଂ ବିଧାୟକ ଜୟନ୍ତ କୁମାର ଷଡଙ୍ଗୀ  ଓ ଦଳୀୟ ନେତାମାନଙ୍କ ସହ ଶ୍ରୀ ଗଡକରୀ ଶ୍ରୀମନ୍ଦିର ଯାଇ ଶ୍ରୀଜୀଉଙ୍କ ଆଶୀର୍ବାଦ ଲାଭ କରିଥିଲେ। ଆଜି ଅପରାହ୍ଣ ୩ଟାରେ ଶ୍ରୀ ଗଡକରୀ କୃଷ୍ଣପ୍ରସାଦର ଚାରିଛକଠାରେ ସ୍ୱତନ୍ତ୍ର ନିର୍ବାଚନ ସଭାରେ ଯୋଗଦେବେ। ପରେ ଅପରାହ୍ଣ ୪ଟା ୧୫ ମିନିଟ୍‌ରେ ସେ ପିପିଲିଠାରେ ଏକ ଜନସଭାକୁ ସମ୍ବୋଧିତ କରିବା ସହ ଦଳୀୟ ପ୍ରାର୍ଥୀଙ୍କ ସପକ୍ଷରେ ପ୍ରଚାର କରିବାର କାର୍ଯ୍ୟକ୍ରମ ରହିଛି।

## ନିର୍ବାଚନ ପ୍ରଚାର-ହିମନ୍ତ ବିଶ୍ୱଶର୍ମା

ଆସାମ ମୁଖ୍ୟମନ୍ତ୍ରୀ ହିମନ୍ତ ବିଶ୍ୱଶର୍ମା ଆଜି ମାଲକାନଗିରି ଜିଲ୍ଲା କାଲିମେଳାରେ ଆୟୋଜିତ ବିଜୟ ସଂକଳ୍ପ ସମାବେଶରେ  ଯୋଗଦେଇ ବିଜେପି ପ୍ରାର୍ଥୀଙ୍କ ସପକ୍ଷରେ ପ୍ରଚାର କରିଛନ୍ତି। ଏହି ଅବସରରେ ସେ କେନ୍ଦ୍ର ସରକାରଙ୍କ ବିଭିନ୍ନ ଜନକଲ୍ୟାଣକାରୀ ଯୋଜନା ସମ୍ପର୍କରେ କହିଥିଲେ। ବିଶେଷକରି ବଙ୍ଗୀୟ ଶିକ୍ଷକ ଅଭାବ ପୂରଣ ସହ  ଲୋକଙ୍କ ସମସ୍ତ ଅଭାବ ଅସୁବିଧା ପୂରଣ ପାଇଁ ବିଜେପିକୁ ଭୋଟ ଦେବାକୁ ସେ ନିବେଦନ କରିଥିଲେ। ପରେ ଶ୍ରୀ ବିଶ୍ୱଶର୍ମା ଚିତ୍ରକୋଣ୍ଡା ନିର୍ବାଚନମଣ୍ଡଳୀର ମାଥିଲି ଗ୍ରାମରେ ଅନୁଷ୍ଠିତ ସଂକଳ୍ପ ସମାବେଶରେ ଯୋଗଦେଇ ଉଦ୍‌ବୋଧନ

ଦେଇଥିଲେ। ଏଥିରେ ନବରଙ୍ଗପୁର ସାଂସଦ ପ୍ରାର୍ଥୀ ବଳଭଦ୍ର ମାଝୀ, ମାଲକାନଗିରି ବିଧାୟକ ପ୍ରାର୍ଥୀ ନରସିଂହ ମାଡକାମୀ, ଚିତ୍ରକୋଣ୍ଡା ବିଧାୟକ ପ୍ରାର୍ଥୀ ଡମ୍ବରୁ ଶିଶାଙ୍କଙ୍କ ସମେତ ବହୁ ବିଜେପି କର୍ମକର୍ତ୍ତା ଯୋଗଦେଇଥିଲେ।

## ନିର୍ବାଚନ ପ୍ରଚାର

ବିଜେଡ଼ି ସଭାପତି ତଥା ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଆଜି ଦ୍ୱିତୀୟ ଥର ପାଇଁ ଗଞ୍ଜାମ ଜିଲ୍ଲା ଗସ୍ତରେ ଯାଇ ଦଳୀୟ ପ୍ରାର୍ଥୀଙ୍କ ସପକ୍ଷରେ ପ୍ରଚାର କରିଛନ୍ତି। ମୁଖ୍ୟମନ୍ତ୍ରୀ ପ୍ରଥମେ ଗୋପାଳପୁର ନିର୍ବାଚନମଣ୍ଡଳୀ ଗସ୍ତ କରିବା ପରେ ବ୍ରହ୍ମପୁର ସ୍ଥିତ କନିସିଠାରେ ଆୟୋଜିତ ଜନସଭାରେ ଯୋଗ ଦେଇଥିଲେ। ମୁଖ୍ୟମନ୍ତ୍ରୀ ଶ୍ରୀ ପଟ୍ଟନାୟକ ରାଜ୍ୟ ସରକାରଙ୍କ ବିଭିନ୍ନ କଲ୍ୟାଣକାରୀ ଯୋଜନା ଉପରେ ଆଲୋକପାତ କରିଥିଲେ। ବିଶେଷକରି ରାଜ୍ୟରେ ୨୫ ବର୍ଷରେ ୫୦ ବର୍ଷର ବିକାଶ ହୋଇଥିବା ମୁଖ୍ୟମନ୍ତ୍ରୀ କହିଥିଲେ।

ତେବେ ଆଜି ମୁଖ୍ୟମନ୍ତ୍ରୀ ଶ୍ରୀ ପଟ୍ଟନାୟକ ଗଞ୍ଜାମ ପରେ ଫୁଲବାଣୀ ଗସ୍ତରେ ଯାଇ କନ୍ଧମାଳ ଷ୍ଟାଡିୟମ୍‌ରେ ଆୟୋଜିତ ହେବାକୁ ଥିବା ଜନସଭାରେ ସମ୍ବୋଧିତ କରିବାର କାର୍ଯ୍ୟସୂଚୀ ରହିଛି। ସେଠାରେ ପ୍ରବଳ ବର୍ଷା ହେଉଥିବା ଜଣାପଡିଛି। କିଛି ସମୟ ପୂର୍ବରୁ ମୁଖ୍ୟମନ୍ତ୍ରୀ ସେଠାରେ ପହଞ୍ଚିଥିବା ଆମ ସମ୍ବାଦଦାତା ଜଣାଇଛନ୍ତି।

## ପ୍ରଧାନମନ୍ତ୍ରୀଙ୍କ ଗସ୍ତ

ବିଜେପିର ବରିଷ୍ଠ ନେତା ତଥା ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତାକାଲି ଦୁଇଦିନିଆ ଓଡ଼ିଶା ଗସ୍ତରେ ଆସି ଭୁବନେଶ୍ୱରଠାରେ ରୋଡ଼ ଶୋ' କାର୍ଯ୍ୟକ୍ରମରେ ଯୋଗଦେବେ । ଶ୍ରୀ ମୋଦୀଙ୍କ ରୋଡ୍‌ଶୋ' ମାଷ୍ଟରକ୍ୟାଣ୍ଟିନ୍ ଛକରୁ ବାଣୀବିହାର ପର୍ଯ୍ୟନ୍ତ ଅନୁଷ୍ଠିତ ହେବ । ଏଥିପାଇଁ କମିଶନରେଟ୍ ପୋଲିସ୍ ପକ୍ଷରୁ ୫୦ ପ୍ଲାଟୁନ୍ ପୋଲିସ୍ ଫୋର୍ସର ବ୍ୟବସ୍ଥା କରାଯାଇଥିବା ବେଳେ ଏଥିରେ ୩୫୦ ଜଣ ପୋଲିସ୍ ଅଧିକାରୀ ମୁତୟନ ହେବେ । ଆସନ୍ତାକାଲି ଓ ୧୧ ତାରିଖରେ ପ୍ରଧାନମନ୍ତ୍ରୀଙ୍କ ଭୁବନେଶ୍ୱର ରୋଡ୍ ଶୋ' ଏବଂ କନ୍ଧମାଳ, ବରଗଡ଼ ଓ ବଲାଙ୍ଗିର ସଭାସ୍ଥଳକୁ ନୋ ଫ୍ଲାଇଙ୍ଗ୍ ଜୋନ୍ ଘୋଷଣା କରାଯାଇଛି ।

## ନିର୍ବାଚନ ପ୍ରଚାର– ମଲିକାର୍ଜୁନ ଖଡ୍‌ଗେ

ରାଜ୍ୟରେ ଲୋକସଭା ଓ ବିଧାନସଭା ନିର୍ବାଚନ ନିମନ୍ତେ ଆଉ ଅଳ୍ପଦିନ ବାକି ଥିବାବେଳେ କେନ୍ଦ୍ରୀୟ ନେତାମାନେ ନିର୍ବାଚନ ପ୍ରଚାର ପାଇଁ ଓଡ଼ିଶା ଗସ୍ତରେ ଆସୁଛନ୍ତି । ଏହି କ୍ରମରେ ଆସନ୍ତା ୧୪ ତାରିଖରେ କଂଗ୍ରେସ ଅଧ୍ୟକ୍ଷ ମଲ୍ଲିକାର୍ଜୁନ ଖଡ୍‌ଗେ ଫୁଲବାଣୀ ଗସ୍ତକରିବାର କାର୍ଯ୍ୟକ୍ରମ ରହିଛି । ରାଜ୍ୟ କଂଗ୍ରେସ ସୂଚନା ଅନୁଯାୟୀ ଶ୍ରୀ ଖଡ୍‌ଗେ ଫୁଲବାଣୀରେ ନିର୍ବାଚନ ସଭାରେ ଯୋଗଦେଇ ସମ୍ବୋଧିତ କରିବେ ।

ସୂଚନାଯୋଗ୍ୟ, କନ୍ଧମାଳ ଜିଲ୍ଲାରେ ଆସନ୍ତା ୨୦ ତାରିଖରେ ମତଦାନ ଅନୁଷ୍ଠିତ ହେବ ।

## ବିଧାନସଭା ନିର୍ବାଚନ–ଗଞ୍ଜାମ

ନିର୍ବାଚନ କମିଶନଙ୍କ ପକ୍ଷରୁ ଲୋକସଭା ଓ ବିଧାନସଭା ନିର୍ବାଚନ ନିମନ୍ତେ ବିଜ୍ଞପ୍ତି ପ୍ରକାଶ ପାଇବା ପରେ ଗଞ୍ଜାମ ଜିଲ୍ଲାରେ ୨ଟି ଲୋକସଭା ଏବଂ ୧୩ଟି ବିଧାନସଭା ଆସନ ପାଇଁ ପ୍ରାର୍ଥପତ୍ର ଦାଖଲ ପ୍ରକ୍ରିୟା ଶେଷ ହୋଇଛି। ଏହି ପ୍ରକ୍ରିୟାରେ ରାଜ୍ୟର ତିନୋଟି ପ୍ରମୁଖ ଦଳ ବିଜେଡି, ବିଜେପି ଏବଂ କଂଗ୍ରେସ ପକ୍ଷରୁ ଜୋରଦାର ରାଜନୈତିକ ପ୍ରସ୍ତୁତି ଆରମ୍ଭ ହୋଇଛି । ନିର୍ବାଚନ ସମ୍ପର୍କିତ ତଥ୍ୟକୁ ନେଇ ବରିଷ୍ଠ ସାମ୍ବାଦିକ **ବିଭୂତି ଭୂଷଣ ତ୍ରିପାଠୀ** ରିପୋର୍ଟ....

# - V/O -

## ଅକ୍ଷୟ ତୃତୀୟା

ପବିତ୍ର ଅକ୍ଷୟ ତୃତୀୟା ଅବସରରେ ଆସନ୍ତାକାଲି ବିଶ୍ୱପ୍ରସିଦ୍ଧ ରଥଯାତ୍ରା ପାଇଁ ରଥ ନିର୍ମାଣ କାର୍ଯ୍ୟ ଅନୁକୂଳ ହେବା ସହ ୨୧ ଦିନ ବ୍ୟାପି ବାହାର ଚନ୍ଦନ ଯାତ୍ରା ଆରମ୍ଭ ହେବ। ଅକ୍ଷୟ ତୃତୀୟା ପାଇଁ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସମସ୍ତ କାର୍ଯ୍ୟ ଚୂଡାନ୍ତ ପର୍ଯ୍ୟାୟରେ ପହଞ୍ଚିଛି। ଚନ୍ଦନ ଯାତ୍ରା ପାଇଁ ମହାପ୍ରଭୁଙ୍କ ଚଳନ୍ତି ପ୍ରତିମା ମଦନମୋହନ, ଭୂଦେବୀ, ଶ୍ରୀଦେବୀ ଏବଂ ଶ୍ରୀକ୍ଷେତ୍ରର ପଞ୍ଚମହାଦେବ ନରେନ୍ଦ୍ର ପୁଷ୍କରଣୀରେ ଚାପ ଖେଳିବେ।

## ପଞ୍ଚମ ପର୍ଯ୍ୟାୟ ନିର୍ବାଚନ

ଲୋକସଭା ନିର୍ବାଚନର ପଞ୍ଚମ ପର୍ଯ୍ୟାୟରେ ୮ଟି ରାଜ୍ୟ ଓ କେନ୍ଦ୍ରଶାସିତ ଅଞ୍ଚଳର ଅଣଚାଷଟି ଲୋକସଭା ଆସନ ନିମନ୍ତେ  ମଇ ୨୦ ତାରିଖରେ ମତଦାନ ଅନୁଷ୍ଠିତ ହେବ। ଏହି ପର୍ଯ୍ୟାୟରେ ମୋଟ୍ ୬୯୫ ଜଣ ପ୍ରାର୍ଥୀ ପ୍ରତିଦ୍ୱନ୍ଦ୍ୱିତା କରୁଛନ୍ତି। ଏହି ପର୍ଯ୍ୟାୟ ପାଇଁ ମୋଟ୍ ୧ ହଜାର ୫୮୬ଟି ପ୍ରାର୍ଥିପତ୍ର ମଧ୍ୟରୁ ୮୩୭ଟି ପ୍ରାର୍ଥିପତ୍ର ନାକଚ ହୋଇଯାଇଥିଲା।  ଏଥିରେ ୭ଶହ ଅଣଚାଷଟି ବୈଧ ପ୍ରାର୍ଥିପତ୍ର ମଧ୍ୟରୁ ୫୪ଜଣ ସେମାନଙ୍କ ପ୍ରାର୍ଥିପତ୍ର ପ୍ରତ୍ୟାହାର କରିବା ପରେ ନିର୍ବାଚନ ରଣାଙ୍ଗନରେ ୬୯୫ ଜଣ ପ୍ରାର୍ଥୀ ପ୍ରତିଦ୍ୱନ୍ଦ୍ୱିତା କରିବେ।

ସୂଚନା ଅନୁଯାୟୀ, ମହାରାଷ୍ଟ୍ରରୁ ସର୍ବାଧିକ ୨୬୪ ଜଣ ପ୍ରାର୍ଥୀ ପ୍ରତିଦ୍ୱନ୍ଦ୍ୱିତା କରୁଥିବାବେଳେ ଲଦାଖରୁ ମାତ୍ର ୩ ଜଣ ପ୍ରାର୍ଥୀ ପ୍ରତିଦ୍ୱନ୍ଦ୍ୱିତା କରୁଛନ୍ତି। ଏହି ପର୍ଯ୍ୟାୟରେ ଓଡ଼ିଶାର ୫ଟି ଲୋକସଭା ଆସନ ପାଇଁ ମତଦାନ ହେବ। ସେହି ଆସନଗୁଡ଼ିକ ହେଉଛି- ବରଗଡ଼, ସୁନ୍ଦରଗଡ଼, ବଲାଙ୍ଗିର, କନ୍ଧମାଳ ଏବଂ ଆସ୍କା। ରାଜ୍ୟରୁ ଲୋକସଭା ପାଇଁ ୮୭ଟି ପ୍ରାର୍ଥିପତ୍ର ଦାଖଲ ହୋଇଥିବାବେଳେ ସେଥିରୁ ୪୧ଟି ପ୍ରାର୍ଥିପତ୍ର ବୈଧ ରହିଥିଲା।  ଜଣେ ପ୍ରାର୍ଥିପତ୍ର ପ୍ରତ୍ୟାହାର କରିବା ପରେ ଏବେ ନିର୍ବାଚନରେ ୪୦ ଜଣ ପ୍ରତିଦ୍ୱନ୍ଦ୍ୱିତା କରୁଛନ୍ତି। ଏହି ପର୍ଯ୍ୟାୟରେ ରାଜ୍ୟର ୩୫ଟି ବିଧାନସଭା ଆସନ ପାଇଁ ମଧ୍ୟ ମତଦାନ ଅନୁଷ୍ଠିତ ହେବ।

## ଶେଷ ପର୍ଯ୍ୟାୟ ବିଜ୍ଞପ୍ତି

ରାଜ୍ୟରେ ଚତୁର୍ଥ ତଥା ଦେଶରେ ସପ୍ତମ ପର୍ଯ୍ୟାୟ ନିର୍ବାଚନ ପାଇଁ ପ୍ରାର୍ଥିପତ୍ର ଦାଖଲ ପ୍ରକ୍ରିୟା ଜାରି ରହିଛି ।  ଏହି ପର୍ଯ୍ୟାୟରେ ମୟୂରଭଞ୍ଜ, ବାଲେଶ୍ୱର, ଭଦ୍ରକ, ଯାଜପୁର, କେନ୍ଦ୍ରାପଡା ଓ ଜଗତସିଂହପୁର ସଂସଦୀୟ କ୍ଷେତ୍ର ଏବଂ ଏହା ଅନ୍ତର୍ଗତ ୪୨ଟି ବିଧାନସଭା ଆସନ ପାଇଁ ମତଦାନ ହେବ। ଆସନ୍ତା ୧୪ ତାରିଖ ନାମାଙ୍କନପତ୍ର ଦାଖଲର ଶେଷ ତାରିଖ ରହିଥିବା ବେଳେ ୧୫ରେ ନାମାଙ୍କନପତ୍ର ଯାଞ୍ଚ ଓ ୧୭ରେ ପ୍ରାର୍ଥିପତ୍ର ପ୍ରତ୍ୟାହାର ପାଇଁ ଶେଷ ତାରିଖ ରହିଛି। ଏହି ପର୍ଯ୍ୟାୟ ନିର୍ବାଚନ ପାଇଁ ଆସନ୍ତା ଜୁନ୍ ୧ ତାରିଖରେ ମତଦାନ ହେବ ।

ଅନ୍ୟପକ୍ଷରେ ଷଷ୍ଠ ପର୍ଯ୍ୟାୟ ନିର୍ବାଚନ ନିମନ୍ତେ ଆଜି ପ୍ରାର୍ଥିପତ୍ର ପ୍ରତ୍ୟାହାରର ଶେଷ ଦିବସ ରହିଛି। ଏହି ପର୍ଯ୍ୟାୟରେ ୬ଟି ଲୋକସଭା ଆସନ ସମ୍ବଲପୁର, କେନ୍ଦୁଝର, ଢେଙ୍କାନାଳ, କଟକ, ପୁରୀ ଏବଂ ଭୁବନେଶ୍ୱର ଲୋକସଭା ଆସନ ଓ ଏହା ଅନ୍ତର୍ଗତ ୪୨ଟି ବିଧାନସଭା ଆସନ ପାଇଁ ଚଳିତମାସ ୨୫ ତାରିଖରେ ମତଦାନ ଅନୁଷ୍ଠିତ ହେବ। ଏହି ପର୍ଯ୍ୟାୟରେ  ପ୍ରାର୍ଥିପତ୍ର ଯାଂଚ ପରେ ସମ୍ବଲପୁର ଲୋକସଭା ଆସନ ପାଇଁ ୨୮ ଜଣଙ୍କ ନାମାଙ୍କନପତ୍ର କାଏମ୍ ରହିଥିବାବେଳେ କେନ୍ଦୁଝରରେ ୧୮, ଢେଙ୍କାନାଳରେ ୧୮, କଟକରେ ୨୦, ପୁରୀରେ ୧୭ ଏବଂ ଭୁବନେଶ୍ୱରରେ ୧୮ ଜଣଙ୍କ ପ୍ରାର୍ଥିପତ୍ର କାଏମ୍ ରହିଛି।

# ପାଣିପାଗ

କାଳବୈଶାଖୀ ଯୋଗୁଁ ରାଜ୍ୟରେ ବିଭିନ୍ନ ସ୍ଥାନରେ ତାପମାତ୍ରାରେ ସାମାନ୍ୟ ହ୍ରାସ ପାଇଛି। ଉପକୂଳ ଓଡ଼ିଶା ସମେତ ପଶ୍ଚିମ ଏବଂ ମଧ୍ୟ ଭାଗରେ ଝଡବର୍ଷା ହୋଇଥିବା ସମ୍ବାଦ ଆମର ହସ୍ତଗତ ହୋଇଛଇ।

ଆସନ୍ତା ୪ ଦିନ ପର୍ଯ୍ୟନ୍ତ କାଳବୈଶାଖୀର ପ୍ରଭାବ ରହିବ ଏବଂ ଦିନ ତାପମାତ୍ରାରେ ବିଶେଷ ବୃଦ୍ଧି ପାଇବ ନାହିଁ ବୋଲି ଭୁବନେଶ୍ୱର ସ୍ଥିତ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ପୂର୍ବାନୁମାନ କରାଯାଇଛି।

ପାଣିପାଗ ବିଭାଗର ସୂଚନା  ଅନୁସାରେ, ୧୯୦୧ ମସିହା ପରଠାରୁ ଗତ ଏପ୍ରିଲମାସ ସବଠାରୁ ଉତ୍ତପ୍ତ ଥିଲା। ଦକ୍ଷିଣ ଭାରତ ଓ ଦକ୍ଷିଣପୂର୍ବ ଭାରତରେ ଉତ୍ତାପ ଯୋଗୁଁ ସାଧାରଣ ଜୀବନଯାତ୍ରା ବ୍ୟାହତ ହୋଇଥିଲା।

*********************************